# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 25th October – 2025

************************************

## ମୁଖ୍ୟ ସମ୍ବାଦ

- ଆସନ୍ତାକାଲି ଆକାଶବାଣୀର ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ ପ୍ରଧାନମନ୍ତ୍ରୀ ।
- ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ରାଜ୍ୟ କ୍ୟାବିନେଟ୍‌ର ଗୁରୁତ୍ୱପୂର୍ଣ୍ଣ ବୈଠକ ଜାରି ।
- ଲୋକଙ୍କ ଧନଜୀବନ ରକ୍ଷା କରିବା ସରକାରଙ୍କ ପ୍ରାଥମିକତା ବୋଲି କହିଲେ ରାଜସ୍ୱ ମନ୍ତ୍ରୀ ।

ଏବଂ

- ଦକ୍ଷିଣ-ପୂର୍ବ ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପ କ୍ଷେତ୍ର ଅବପାତରେ ପରିଣତ ।

***Desk***

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର 'ମନ୍ କୀ ବାତ୍' କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ

ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ 'ମନ୍ କୀ ବାତ୍' କାର୍ଯ୍ୟକ୍ରମର ୧୨୭ତମ ସଂସ୍କରଣ। 'ମନ୍ କୀ ବାତ୍' କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

***BBSR/R***

## କ୍ୟାବିନେଟ୍

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱର ଲୋକସେବା ଭବନଠାରେ ଆଜି ରାଜ୍ୟ କ୍ୟାବିନେଟ୍‌ର ବୈଠକ ଜାରି ରହିଛି । ମିଳିଥିବା ସୂଚନା ଅନୁଯାୟୀ ବୈଠକରେ ପ୍ରାୟ ୮ଟିରୁ ୯ଟି ପ୍ରସ୍ତାବ ଅନୁମୋଦିତ ହେବାର ସମ୍ଭାବନା ରହିଛି । ପୂର୍ତ୍ତ, ପଞ୍ଚାୟତିରାଜ, ଜଳସମ୍ପଦ, ଗୃହ ଓ ନଗର ଉନ୍ନୟନ, ପରିବହନ, ସ୍ୱାସ୍ଥ୍ୟ ତଥା ମହିଳା ଓ ଶିଶୁ ବିକାଶ ବିଭାଗ ସମ୍ବନ୍ଧୀୟ ପ୍ରସ୍ତାବ ଅନୁମୋଦିତ ହେବାର ସମ୍ଭାବନା ରହିଛି ବୋଲି ଜଣାପଡ଼ିଛି ।

*BBSR/R*

# ବାତ୍ୟା ବୈଠକ

ସମ୍ଭାବ୍ୟ ବାତ୍ୟା ପରିସ୍ଥିତିକୁ ଦୃଷ୍ଟିରେ ରଖି ଭୁବନେଶ୍ୱରସ୍ଥିତ ରାଜୀବ ଭବନରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀଙ୍କ ଅଧ୍ୟକ୍ଷତାରେ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ଲୋକଙ୍କ ଜୀବନ ରକ୍ଷା କରିବା ସରକାରଙ୍କ ପ୍ରାଥମିକ ଲକ୍ଷ୍ୟ ବୋଲି ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି। ସମ୍ଭାବ୍ୟ ବାତ୍ୟା ବିଶେଷ କରି ଦକ୍ଷିଣ ଓଡ଼ିଶାର ଗଞ୍ଜାମ, ଗଜପତି, କୋରାପୁଟ, ମାଲକାନଗିରି ଓ ରାୟଗଡ଼ା ଏବଂ ଉପକୂଳ ଓଡ଼ିଶାର ପୁରୀ, ଖୋର୍ଦ୍ଧା, କେନ୍ଦ୍ରାପଡ଼ା, ଜଗତ୍‌ିଂହପୁର ଓ ଭଦ୍ରକ ପ୍ରଭାବିତ ହୋଇପାରେ। ଜଳସମ୍ପଦ, ପଞ୍ଚାୟତିରାଜ, କୃଷି, ଶକ୍ତି ବିଭାଗକୁ ସଜାଗ ରହିବାକୁ କୁହାଯାଇଛି ବୋଲି ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି।

***Voice (Suresh Pujari) :............***

ପରିସ୍ଥିତିକୁ ଦୃଷ୍ଟିରେ ରଖି ତଳିଆ ଅଞ୍ଚଳର ଲୋକଙ୍କୁ ସ୍ଥାନାନ୍ତର, ବାତ୍ୟା ଆଶ୍ରୟସ୍ଥଳୀ, ରିଲିଫ ସେଣ୍ଟର, ପଲିଥିନ୍, ସ୍ୱାସ୍ଥ୍ୟ ବିଭାଗକୁ ପ୍ରସ୍ତୁତ ରହିବାକୁ ପରାମର୍ଶ ଦିଆଯାଇଛି।  ଅଯଥାରେ ଜନସାଧାରଣ ଆତଙ୍କିତ ନ ହେବାକୁ ସ୍ୱତନ୍ତ୍ର ରିଲିଫ କମିଶନର ଦେଓ ରଞ୍ଜନ କୁମାର ସିଂହ ଅନୁରୋଧ କରିବା ସହ ସରକାର ନିରନ୍ତର ବାତ୍ୟା ସମ୍ପର୍କିତ ସୂଚନା ଜାରି କରିବାପାଇଁ ସମସ୍ତ ପ୍ରକାର ବ୍ୟବସ୍ଥା ଗ୍ରହଣ  କରୁଛନ୍ତି ବୋଲି କହିଛନ୍ତି ।

ବୈଠକରେ ବିଭାଗୀୟ ଅଧିକାରୀଙ୍କ ସହ ପ୍ରଭାବିତ ହେବାକୁ ଥିବା ଜିଲ୍ଲାର ଜିଲ୍ଲାପାଳମାନେ ଆଭାସୀ ଜରିଆରେ ଯୋଗ ଦେଇଥିଲେ।

*Ganjam/R*

# ବାତ୍ୟା - ଛୁଟି ବାତିଲ୍

ସମ୍ଭାବ୍ୟ ବାତ୍ୟା 'ମୋନ୍ଥା'କୁ ଦୃଷ୍ଟିରେ ରଖି ଗଞ୍ଜାମ ଜିଲ୍ଲାରେ ଆଜିଠାରୁ ୩୦ ତାରିଖ ପର୍ଯ୍ୟନ୍ତ ସରକରୀ କର୍ମଚାରୀମାନଙ୍କର ଛୁଟି ବାତିଲ୍ କରାଯାଇଛି । ଛୁଟିରେ ଥିବା କର୍ମଚାରୀମାନଙ୍କୁ ତୁରନ୍ତ କାର୍ଯ୍ୟରେ ଯୋଗଦେବା ଲାଗି ମଧ୍ୟ ପ୍ରଶାସନ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି । ଅତିରିକ୍ତ ଜିଲ୍ଲାପାଳ ଡକ୍ଟର ପ୍ରମୋଦ କୁମାର ପୃଷ୍ଟିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଜିଲ୍ଲାରେ ପ୍ରବଳ ବର୍ଷାର ସମ୍ଭାବନା ରହିଥିବାରୁ ଅଗ୍ନିଶମ ବିଭାଗ, ଓଡ୍ରାଫ୍ ସମେତ ସମସ୍ତ ଜରୁରୀକାଳୀନ ବିଭାଗର କର୍ମଚାରୀ ସଜାଗ ରହିବା ଲାଗି ନିର୍ଦ୍ଦେଶ ଦିଆଯାଇଛି । ଜିରୋ କାଜୁଆଲିଟି ଉପରେ ଗୁରୁତ୍ୱ ପ୍ରଦାନ କରାଯାଇଛି । ଜିଲ୍ଲାରେ ଥିବା ୧୧୦ଟି ବହୁମୁଖୀ ବାତ୍ୟା ଆଶ୍ରୟସ୍ଥଳୀ ଏବଂ ସ୍କୁଲ୍‌ଗୁଡ଼ିକୁ ପ୍ରସ୍ତୁତ କରି ରଖିବା ସହ ଜନସାଧାରଣଙ୍କୁ ବାତ୍ୟା ସମ୍ପର୍କରେ ସଚେତନ କରିବା ଲାଗି ଶ୍ରୀ ପୃଷ୍ଟି ନିର୍ଦ୍ଦେଶ ଦେଇଛନ୍ତି । ଉପକୂଳବର୍ତ୍ତୀ ଅଞ୍ଚଳରେ ଗ୍ରାମପଞ୍ଚାୟତ ସ୍ତରୀୟ ନୋଡ଼ାଲ ଅଫିସର ନିଯୁକ୍ତ କରାଯାଇଛି ।

ମତ୍ସ୍ୟଜୀବୀମାନଙ୍କୁ ଆସନ୍ତାକାଲିଠାରୁ ସମୁଦ୍ର ମଧ୍ୟକୁ ଯିବାପାଇଁ ବାରଣ କରାଯାଇଛି । ଜିଲ୍ଲାର ଛତ୍ରପୁର ବ୍ଲକ୍ ଅନ୍ତର୍ଗତ ଆର୍ଯ୍ୟପଲ୍ଲୀ ସମୁଦ୍ରକୂଳରେ ସାଗରମିତ୍ରମାନେ ମତ୍ସ୍ୟଜୀବୀମାନଙ୍କୁ ସମ୍ଭାବ୍ୟ ବାତ୍ୟା ସମ୍ପର୍କରେ ସଚେତନ କରୁଛନ୍ତି । ମତ୍ସ୍ୟଜୀବୀମାନେ ନିଜ ନିଜ ଡଙ୍ଗା, ଯାନ ଆଦି ବାନ୍ଧି ସୁରକ୍ଷିତ ରଖିବାପାଇଁ ପରାମର୍ଶ ଦିଆଯାଇଛି ।

ଛତ୍ରପୁର ସହକାରୀ ଅଗ୍ନିଶମ ଅଧିକାରୀ ଧନଞ୍ଜୟ ମଲ୍ଲିକଙ୍କ ନେତୃତ୍ୱରେ ଅଗ୍ନିଶମ କାର୍ଯ୍ୟାଳୟର କର୍ମଚାରୀମାନେ ସମ୍ଭାବ୍ୟ ବାତ୍ୟାର ମୁକାବିଲାପାଇଁ ପ୍ରସ୍ତୁତ ହୋଇ ରହିଛନ୍ତି ।

*HS*

## ଛୁଟି ବାତିଲ୍

ସମ୍ଭାବ୍ୟ ବାତ୍ୟା ଓ ବର୍ଷାକୁ ଦୃଷ୍ଟିରେ ରଖି ବାଲେଶ୍ୱର ଜିଲ୍ଲାରେ ମଧ୍ୟ ଆଜିଠାରୁ ୩୦ ତାରିଖ ପର୍ଯ୍ୟନ୍ତ ସମସ୍ତଙ୍କ ସରକାରୀ କର୍ମଚାରୀଙ୍କ ଛୁଟି ବାତିଲ୍ କରାଯାଇଛି ।

*Malkangiri/R*

## ବାତ୍ୟା

ମାଲକାନଗିରିଠାରେ ଜିଲ୍ଲାପାଳପ ସୋମେଶ କୁମାର ଉପାଧ୍ୟାୟଙ୍କ ଅଧ୍ୟକ୍ଷତାରେ ସମ୍ଭାବ୍ୟ ବାତ୍ୟାର ମୁକାବିଲା ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି । ଜିଲ୍ଲାରେ ୧୬ଟି ବିଦ୍ୟାଳୟକୁ ଆଶ୍ରୟ ସ୍ଥଳୀ ଭାବେ ପ୍ରସ୍ତୁତ କରି ରଖାଯାଇଛି । ଜିଲ୍ଲା ସ୍ତରରେ ନିୟନ୍ତ୍ରଣ କକ୍ଷ ଖୋଲାଯିବାକୁ ନିଷ୍ପତ୍ତି ନିଆଯାଇଛି । ବଣ୍ଡା ଘାଟୀରେ ଭୂସ୍ଖଳନ ହେଲେ ଯଥାଶୀଘ୍ର ରାସ୍ତା ମରାମତି

କରାଯିବ । ଜିଲ୍ଲାରେ ଆଜିଠାରୁ ସମସ୍ତ ସରକାରୀ କର୍ମଚାରୀଙ୍କ ଛୁଟି ବାତିଲ କରାଯାଇଥିବା ଜିଲ୍ଲାପାଳ ଶ୍ରୀ ଉପାଧ୍ୟାୟ ସୂଚନା ଦେଇଛନ୍ତି ।

*Kendrapara/R*

## ବାତ୍ୟା ପ୍ରସ୍ତୁତି - ଛୁଟି ବାତିଲ

କେନ୍ଦ୍ରାପଡ଼ା ଜିଲ୍ଲାରେ ଆସନ୍ତାକାଲିଠାରୁ ୩୦ ତାରିଖ ପର୍ଯ୍ୟନ୍ତ କୌଣସି ସରକାରୀ କର୍ମଚାରୀ ଛୁଟି ନେଇପାରିବେ ନାହିଁ ବୋଲି ଜିଲ୍ଲାପାଳ ନିର୍ଦ୍ଦେଶ ଜାରି କରିଛନ୍ତି । ଜିଲ୍ଲାପାଳ’ ବି.ଡି.ଓ. ଏବଂ ତହସିଲ୍‌ଦାରମାନଙ୍କ ସହ ବାତ୍ୟା ପ୍ରସ୍ତୁତି ସମ୍ପର୍କରେ ଆଭାସୀ ମାଧ୍ୟମରେ ସମୀକ୍ଷା କରିଛନ୍ତି ।

*Bolangir/R*

## ଡେଣ୍ଟାଲ୍  କର୍ମଶାଳା

ବଲାଙ୍ଗିର ଜିଲ୍ଲା ଇଣ୍ଡିଆନ୍ ଡେଣ୍ଟାଲ୍ ଆସୋସିଏସନ୍, ଓଡ଼ିଶା ଶାଖା ପକ୍ଷରୁ ବଲାଙ୍ଗିର ଭୀମ ଭୋଇ ମେଡିକାଲ୍ କଲେଜଠାରେ ଚାଲିଥିବା ୪୧ ତମ ବାର୍ଷିକ ମହୋତ୍ସବର ଦ୍ୱିତୀୟ ଦିନରେ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଯୋଗ ଦେଇଛନ୍ତି । ଡାକ୍ତରମାନଙ୍କୁ ଗ୍ରାମାଞ୍ଚଳରେ ରହି ରୋଗୀସେବା ଯୋଗାଇ ଦେବାକୁ ସେ ପରାମର୍ଶ ଦେଇଛନ୍ତି ।

*Nabarangpur/R*

# ପ୍ରାକ୍-ମାଟ୍ରିକ୍ ଛାତ୍ରବୃତ୍ତି

ନବରଙ୍ଗପୁର ଜିଲ୍ଲା ଶିକ୍ଷା ଅଧିକାରୀ ଛତ୍ରପତି ସାହୁଙ୍କ ଅଧ୍ୟକ୍ଷତାରେ ସମସ୍ତ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଓ ଶିକ୍ଷୟିତ୍ରୀମାନଙ୍କୁ ନେଇ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାରେ ସୁପର-୧୦୦ ଆରମ୍ଭ କରିବାପାଇଁ ହୋଇଥିବା ସ୍କ୍ରିନିଂର ଫଳାଫଳ ଉପରେ ବୈଠକରେ ସମୀକ୍ଷା କରାଯାଇଥିଲା । ଜିଲ୍ଲାରେ ଛାତ୍ରଛାତ୍ରୀମାନଙ୍କର ଉତ୍ତମ ପରୀକ୍ଷା ଫଳ ନେଇ କାର୍ଯ୍ୟାନ୍ୱୟନ ଯୋଜନା ପ୍ରସ୍ତୁତ କରାଯାଇଥିଲା ।

ସହିଦ୍ ମାଧୋ ସିଂହ ହାତଖର୍ଚ୍ଚ ଯୋଜନାରେ ନବମ ଏବଂ ଏକାଦଶ ଶ୍ରେଣୀରେ ଅଧ୍ୟୟନ କରୁଥିବା ଅନୁସୂଚିତ ଜନଜାତି ଛାତ୍ରଛାତ୍ରୀମାନଙ୍କୁ ୫ ହଜାର ଟଙ୍କା ଛାତ୍ରବୃତ୍ତି ସମ୍ପର୍କରେ ଆଲୋଚନା ହୋଇଥିଲା । ପ୍ରାକ୍-ମାଟ୍ରିକ୍ ଛାତ୍ରବୃତ୍ତି ଆବେଦନ କରିବାର ଶେଷ ତାରିଖ ଡିସେମ୍ବର ୧୬ ବୋଲି ସୂଚନା ଦିଆଯାଇଛି ।

*Nayagarh/R*

# ମହକ

ନୟାଗଡ଼ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍ ଏବଂ ଜିଲ୍ଲା ପ୍ରଶାସନର ମିଳିତ ଆନୁକୂଲ୍ୟରେ ଜିଲ୍ଲାସ୍ତରୀୟ 'ଉତ୍ସାହ ଓ ମହକ'ର ଉଦ୍‌ଯାପନୀ ଉତ୍ସବ

ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ବିଶିଷ୍ଟ ବ୍ୟକ୍ତିମାନେ ଯୋଗଦେଇ ନୟାଗଡ଼ ଜିଲ୍ଲାପାଇଁ ପ୍ରତିଭାବାନ ଯୁବକ ଯୁବତୀମାନେ ଗୌରବ ଆଣିବାକୁ ଆହ୍ୱାନ ଦେଇଛନ୍ତି । ଏହି ଅବସରରେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀମାନଙ୍କୁ ପୁରସ୍କୃତ କରାଯାଇଥିଲା ।

*Nayagarh/R*

## ଶିଶୁ ମହୋତ୍ସବ 'ସୁରଭି'

ନୟାଗଡ଼ ଜିଲ୍ଲା ରଣପୁର ବ୍ଲକ୍ ଗୋପାଳପୁର ହାଇସ୍କୁଲ୍ ପରିସରରେ ମଣ୍ଡଳସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି-୨୦୨୫' ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ବାଚସ୍ପତି ତଥା ରଣପୁର ବିଧାୟିକା ସୁରମା ପାଢ଼ୀ ଯୋଗଦେଇ ଛାତ୍ରଛାତ୍ରୀମାନଙ୍କ ପାଠପଢ଼ା ସହ ଅନ୍ତର୍ନିହିତ ପ୍ରତିଭାର ବିକାଶଦ୍ୱାରା ସେମାନଙ୍କ ବ୍ୟକ୍ତିତ୍ୱ ପ୍ରସ୍ଫୁଟିତ ହୋଇଥାଏ ବୋଲି କହିଛନ୍ତି । ଏଥିରେ ରଣପୁର ବ୍ଲକ୍‌ର ୧୮ଟି କ୍ଲଷ୍ଟରରୁ ବହୁସଂଖ୍ୟାରେ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ ।

*Malkangirig/R*

## ମାଲ୍ୟବନ୍ତ ମହୋତ୍ସବ

ମାଲକାନଗିରିଠାରେ ଆଜି ଜିଲ୍ଲା ସଂସ୍କୃତି ପରିଷଦ ପକ୍ଷରୁ ମାଲ୍ୟବନ୍ତ ମହୋତ୍ସବ-୨୦୨୫ ପାଳନ ଉପଲକ୍ଷେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ

ହୋଇଯାଇଛି । ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଡିସେମ୍ବର ୧୪ ତାରିଖରୁ ୧୮ ତାରିଖ ପର୍ଯ୍ୟନ୍ତ ଜିଲ୍ଲାସ୍ତରୀୟ ମାଲ୍ୟବନ୍ତ ମହୋତ୍ସବ ପାଳନ ପାଇଁ ନିଷ୍ପତ୍ତି ଗ୍ରହଣ କରାଯାଇଛି ।

***Sambalpur/R***

## ବ୍ୟବସାୟ ସମ୍ମିଳନୀ

ସମ୍ବଲପୁରର ଗୋଶାଳାସ୍ଥିତ ଆଇ.ଆଇ.ଏମ୍.ଠାରେ ଦୁଇଦିନିଆ ବ୍ୟବସାୟ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । ସମ୍ମିଳନୀରେ ପ୍ରାୟ ୨୬ଟି ଶିକ୍ଷାନୁଷ୍ଠାନର ଅଧିକାରୀମାନେ ଯୋଗ ଦେଇଛନ୍ତି । ୨୦୪୭ ମସିହା ସୁଦ୍ଧା ଭାରତକୁ ବିକଶିତ କରିବା ସହ ପ୍ରଯୁକ୍ତିବିଦ୍ୟା ଏବଂ ବ୍ୟବସାୟ କ୍ଷେତ୍ରରେ ଅଗ୍ରଣୀ ହୋଇପାରିବ, ସେ ସମ୍ପର୍କରେ ଆଲୋଚନା କରାଯାଇଥିଲା ।

***Boudh/R***

## ଗୁଣବତ୍ତା ନିର୍ଦ୍ଧାରଣ କମିଟି ବୈଠକ

ବୌଦ୍ଧ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ ବିଭୂତି ଭୂଷଣ ନାୟକଙ୍କ ଅଧ୍ୟକ୍ଷତାରେ ଜିଲ୍ଲାସ୍ତରୀୟ ଗୁଣବତ୍ତା ନିର୍ଦ୍ଧାରଣ କମିଟି ବୈଠକ

ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଡାକ୍ତରଖାନା ଭିତ୍ତିଭୂମି, ସ୍ୱାସ୍ଥ୍ୟ ସୁବିଧା, ବର୍ଜ୍ୟବସ୍ତୁ ପରିଚାଳନା ଆଦିର ସମୀକ୍ଷା କରାଯାଇଥିଲା ।

***Kendrapara/R***

## ପ୍ରଲମ୍ବାସୁର ବଧ ବେଶ

କାର୍ତ୍ତିକ ମାସ ଶୁକ୍ଳପକ୍ଷ ଏକାଦଶୀ ତଥା ପଞ୍ଚକ ଏକାଦଶୀରେ କେନ୍ଦ୍ରାପଡ଼ା ତୁଳସୀକ୍ଷେତ୍ରର ଆରାଧ୍ୟ ଦେବତା ଶ୍ରୀବଳଦେବଜିଉଙ୍କର ପ୍ରଲମ୍ବାସୁର ବଧ ବେଶ ହୋଇଥାଏ । ଏହି ବେଶପାଇଁ ପୁରୀ ଶ୍ରୀକ୍ଷେତ୍ରରୁ ଶ୍ରୀଜଗନ୍ନାଥ' ତୁଳସୀକ୍ଷେତ୍ର ଶ୍ରୀବଳଦେବଜିଉଙ୍କୁ ପାଟବସ୍ତ୍ର ଭେଟି ଦେବାର ପରମ୍ପରା ରହିଛି । ଚଳିତ ବର୍ଷ ଶ୍ରୀଜଗନ୍ନାଥ ମନ୍ଦିର ପ୍ରଶାସନ ପକ୍ଷରୁ ସହକାରୀ ପ୍ରଶାସକ ଡକ୍ଟର ପ୍ରଭୁ ପୀୟୁଷ ମହାପାତ୍ରଙ୍କ ନେତୃତ୍ୱରେ ଏକ ଚାରିଜଣିଆ ଦଳ ଆଜି ୩ଟି ପାଟବସ୍ତ୍ର ଶ୍ରୀବଳଦେବଜିଉ ଦେବୋତ୍ତର ସଂସ୍ଥା କାର୍ଯ୍ୟାଳୟକୁ ପ୍ରଦାନ କରିଛନ୍ତି । ଶ୍ରୀବଳଦେବଜିଉଙ୍କ ପାଇଁ ଘନନୀଳ ପାଟବସ୍ତ୍ର, ମା' ସୁଭଦ୍ରାଙ୍କ ପାଇଁ ରକ୍ତବର୍ଣ୍ଣଯୁକ୍ତ ଲାଲ୍ ପାଟବସ୍ତ୍ର ଏବଂ ଶ୍ରୀଜଗନ୍ନାଥଙ୍କ ପାଇଁ ପୀତ ପାଟବସ୍ତ୍ର ହସ୍ତାନ୍ତର କରାଯାଇଛି ।

***Desk***

# ପାଣିପାଗ

ଦକ୍ଷିଣ-ପୂର୍ବ ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପ କ୍ଷେତ୍ର ଆଜି ଅବପାତରେ ପରିଣତ ହୋଇଛି । ଆସନ୍ତାକାଲି ସୁଦ୍ଧା ଗଭୀର ଅବପାତ ଏବଂ ସୋମବାର ଦିନ ଦକ୍ଷିଣ-ପଶ୍ଚିମ ଓ ସଂଲଗ୍ନ ପଶ୍ଚିମ କେନ୍ଦ୍ରୀୟ ବଙ୍ଗୋପସାଗରରେ ଏହା ବାତ୍ୟାରେ ପରିଣତ ହେବ ବୋଲି ପାଣିପାଗ ବିଭାଗ ପକ୍ଷରୁ ଅନୁମାନ କରାଯାଇଛି । ସମ୍ଭାବ୍ୟ ବାତ୍ୟାର 'ମୋନ୍ଥା' ଆନ୍ଧ୍ରପ୍ରଦେଶର ମଛଲିପଟ୍ଟନମ-କଳିଙ୍ଗପଟ୍ଟନମ୍ ମଧ୍ୟରେ କାକିନାଡ଼ାଠାରେ ସ୍ଥଳଭାଗ ଛୁଇଁପାରେ । ୨୮ ତାରିଖ ସନ୍ଧ୍ୟାରୁ ରାତି ମଧ୍ୟରେ ଏହା ଲ୍ୟାଣ୍ଡଫଲ କରିବା ନେଇ ସୂଚନା ଦିଆଯାଇଛି । ଏ ସମ୍ପର୍କରେ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ନିର୍ଦ୍ଦେଶିକା ମନୋରମା ମହାନ୍ତି କହିଛନ୍ତି :

***Voice :..........***

ସମ୍ଭାବ୍ୟ ବାତ୍ୟା ପ୍ରଭାବରେ ଆସନ୍ତା ୨୭ ତାରିଖ ସୋମବାରଠାରୁ ୩୦ ତାରିଖ ପର୍ଯ୍ୟନ୍ତ ରାଜ୍ୟର ଦକ୍ଷିଣ ଓ ଉପକୂଳବର୍ତ୍ତୀ ଅଞ୍ଚଳରେ ବଜ୍ରପାତ ସହ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି ।

******